ପ୍ରେସ୍ ନୋଟ୍

# ବଅଁରପାଳ ଠାରେ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ ତା. ୧୭.୦୨ : ଆଜି ପୂର୍ବାହ୍ନରେ ବଅଁରପାଳ ବ୍ଲକ ଅଫିସଠାରେ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଦାଖଲ ହୋଇଥିବା ସମୁଦାୟ ୩୦ଟି ଅଭିଯୋଗରୁ ୨୫ଟି ବ୍ୟକ୍ତିଗତ ଓ ୦୫ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ । ତତ୍ ସଙ୍ଗେ ସଙ୍ଗେ ସମସ୍ତ ଜିଲ୍ଲା ସ୍ତରୀୟ ଅଧିକାରୀ ନିଜ ନିଜର ବିଭାଗୀୟ କାର୍ଯ୍ୟାଳୟଗୁଡିକୁ ନିରୀକ୍ଷଣ କରିବାକୁ ମଧ୍ୟ ପରାମର୍ଶ ଦେଇଥିଲେ । ଏହାଛଡା ଦାଖଲ ହୋଇଥିବା ୩୦ ଅଭିଯୋଗ ମଧ୍ୟରୁ ୯ଟି ଅଭିଯୋଗର ଆଜିର ଶିବିରରେ ଫଇସଲା କରାଯାଇଥିଲା । ମୁଖ୍ୟମନ୍ତ୍ରୀଙ୍କ ସହାୟତା ପାଣ୍ଠିରୁ ୧ ଜଣଙ୍କୁ ୧୦ ହଜାର ଟଙ୍କା ଚେକ୍ ଆକାରରେ ଚିକିତ୍ସା ପାଇଁ ସହାୟତା ପ୍ରଦାନ କରାଯାଇଥିଲା ।ଏହି ଶିବିରକୁ ଆସିଥିବା ଲୋକମାନେ ରାସ୍ତା, ଜମି ଜମା ବିବାଦ, ରେଳବାଇ ଠାରୁ କ୍ଷତିପୂରଣ, ପୁନଃ ଥଇଥାନ, ଭୂମିହୀନ ,ପାରିବାରିକ ସମସ୍ୟା,ଆଧାର କାର୍ଡ, ପାନୀୟ ଜଳ, ରାସ୍ତା ପାର୍ଶ୍ୱ ଆଲୋକ ସମସ୍ୟା, ବିଜୁଳି ସଂଯୋଗ ଏବଂ ଟି ପି ସି ଓ ଡି ଏଲର ମନମୁଖୀ ବିଲ ସମ୍ପର୍କିତ ସମସ୍ୟା ସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ , ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଶ୍ରୀ ପ୍ରସନ୍ନ କୁମାର ବିଶ୍ୱାଳ,ଜିଲ୍ଲା ପରିଷଦର ଅତିରିକ୍ତ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ପଦ୍ମନାଭ ସାମନ୍ତରାୟ, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବଇତୁରା ଦିପ୍, ଡେପୁଟୀ କଲେକ୍ଟର ମିନର୍ଭା ନାୟକ ଓ ଶ୍ରୀ ସତ୍ୟାନନ୍ଦ ଦାସ, ବଅଁରପାଳ ବିଡିଓ ଏଲିଜା ମିଶ୍ରଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୩୦୧ ତା.୧୭.୦୪.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ


OPPO Reno7 5G
2023.04.17 10:36


ତାରିଖ - ୧୭.୦୪.୨୦୨୩
OPPO Reno7 5G
2023.04.17 10:35


ତାରିଖ - ୧୭.୦୪.୨୦୨୩
ସଭାଘର, ବଅଁରପାଳ ବ୍ଲକ